ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

# ପୂର୍ବତନ କେନ୍ଦ୍ରମନ୍ତ୍ରୀ ଅରୁଣ ଜେଟଲୀଙ୍କ ବିୟୋଗରେ

# ମନ୍ତ୍ରୀ ଶ୍ରୀ ପଦ୍ମନାଭ ବେହେରାଙ୍କ ଶୋକ

ଭୁବନେଶ୍ୱର, ୨୪/୦୮/୨୦୧୯

ପୂର୍ବତନ କେନ୍ଦ୍ରମନ୍ତ୍ରୀ ଅରୁଣ ଜେଟଲୀଙ୍କ ଅକାଳ ବିୟୋଗରେ  ବାଣିଜ୍ୟ ଓ ପରିବହନ, ଯୋଜନା ଓ ସଂଯୋଜନ ମନ୍ତ୍ରୀ ଶ୍ରୀ ପଦ୍ମନାଭ ବେହେରା ଗଭୀର ଶୋକପ୍ରକାଶ କରିଛନ୍ତି ।

ଏକ ଶୋକବାର୍ତ୍ତାରେ ମନ୍ତ୍ରୀ ଶ୍ରୀ ବେହେରା କହିଛନ୍ତି ଯେ ସ୍ୱର୍ଗତ ଜେଟଲୀ ବହୁମୁଖୀ ପ୍ରତିଭାର ଅଧିକାରୀ ଥିଲେ । ଖୁବ୍ କମ ବୟସରେ ସଫଳତାର ଶିଖର ପହଞ୍ଚିଥିବା ସ୍ୱର୍ଗତ ଜେଟଲୀ କେନ୍ଦ୍ର ମନ୍ତ୍ରୀମଣ୍ଡଳରେ ବହୁ ଗୁରୁତ୍ୱପୂର୍ଣ୍ଣ ବିଭାଗର ମନ୍ତ୍ରୀ ଭାବେ ଦକ୍ଷତାର ସହ ଦାୟିତ୍ୱ ନିର୍ବାହ କରି ଉଦାହରଣ ସୃଷ୍ଟି କରିଯାଇଛନ୍ତି । ତାଙ୍କ ବିୟୋଗରେ ଦେଶରେ ଏକ ଅପୂରଣୀୟ ଶୂନ୍ୟସ୍ଥାନ ସୃଷ୍ଟି ହୋଇଛି ।

ମନ୍ତ୍ରୀ ଶ୍ରୀ ବେହେରା ସ୍ୱର୍ଗତ ଆତ୍ମାର ସଦ୍‌ଗତି କାମନା କରିବା ସହ ତାଙ୍କ ଶୋକସନ୍ତପ୍ତ ପରିବାରବର୍ଗଙ୍କ ପ୍ରତି ଗଭୀର ସମବେଦନା ଜ୍ଞାପନ କରିଛନ୍ତି ।

ବିଶ୍ୱଜିତ ଦାଶ
ସୂଚନା ଅଧିକାରୀ